# ରେଙ୍ଗାଲି ତହସିଲଦାରଙ୍କ ଅଦାଲତ, ରେଙ୍ଗାଲି

ବିବିଧ (Misc.) ମୋକଦ୍ଦମା ସଂଖ୍ୟା ...୧୮.../୨୦୨୫

## ସର୍ବସାଧାରଣ ଇସ୍ତାହାର

ପ୍ରୋସେସ ସଂଖ୍ୟା. ୬୨୨ ତାରିଖ: ୦୮ . ୦୪ . ୨୦୨୫

ଏତଦ୍ ଦ୍ୱାରା ସର୍ବସାଧାରଣଙ୍କ ଅବଗତି ନିମନ୍ତେ ଜଣାଇ ଦିଆଯାଉଅଛି ଯେ ମୌଜା – ଜଙ୍ଗଲା ଅନ୍ତର୍ଗତ ନିମ୍ନ ସୂଚୀତ ସରକାରୀ ଜମିକୁ ଗୋଷ୍ଠୀ ଶିକ୍ଷା ଅଧିକାରୀ, ରେଙ୍ଗାଲି, ସରକାରୀ ପ୍ରାଥମିକ ବିଦ୍ୟାଳୟ, ଡୁଙ୍ଗରୀପଡା ଦଖଲରେ ଥିବା ସରକାରୀ ଜମି ର ନିୟମିତିକରଣ ନିମନ୍ତେ ଅତ୍ର କାର୍ଯ୍ୟାଳୟରେ ଦରଖାସ୍ତ ଦାଖଲ କରିଛନ୍ତି । ଆବେଦନ କରାଯାଇଥିବା ନିମ୍ନ ତଫସିଲ ଭୂକ୍ତ ଜମି ସରକାରୀ ଆବାଦ ଯୋଗ୍ୟ ଅନାବାଦୀ ଖାତାରେ ବାହାଲ ସାଧାରଣ କିସମରେ ରେକର୍ଡ ଥାଇ ମନ୍ତବ୍ୟ ଖାନାରେ "ବେଆଇନ ଦଖଲ: ପଣ୍ଡୁ ଓରାମ, ପିତା:ରଘୁ ଓରାମ ଜାତି:, ଓରାମ ବାସସ୍ଥାନ:ନିଜଗାଁ, ପଡ଼ା-ନୂଆପଡ଼ା" ରେକର୍ଡ ଥିବାରୁ ଉକ୍ତ ଜମିକୁ ଆବେଦନକାରୀଙ୍କ ନାମରେ ହସ୍ତାନ୍ତର କରିବା ପାଇଁ ମନ୍ତବ୍ୟ ଖାନାକୁ ଖାରଜ କରିବା ଆବଶ୍ୟକ ପଡୁଅଛି ଓ ତତ ଅନୁଯାଇ ପଦକ୍ଷେପ ନିଆ ଯିବ ।

ଏଥିରେ ଯଦି କୌଣସି ବ୍ୟକ୍ତି ବିଶେଷଙ୍କର କିଛି ଆପତ୍ତି ଅଭିଯୋଗ ଥାଏ ତାହାହେଲେ ଏହି ନୋଟିସ ପ୍ରକାଶନର ୧୫ (ପନ୍ଦର)ଦିନ ଭିତରେ ନିମ୍ନ ସ୍ୱାକ୍ଷରକାରୀଙ୍କ କାର୍ଯ୍ୟାଳୟରେ ଲିଖିତ ଆକାରରେ ଟ. ୨୦/- କୋର୍ଟ ଫି ସହିତ ଅଭିଯୋଗ ଦେବାପାଇଁ ଅନୁରୋଧ କରାଯାଉଅଛି । ମିଆଦ ଗତେ କୌଣସି ଦାବୀ ବା ଅଭିଯୋଗ ଗ୍ରହଣୀୟ ହେବନାହିଁ ।

### ତଫସିଲ ଭୁକ୍ତ ଜମି

| ମୌଜା | ଖାତା ନମ୍ବର | ପ୍ଲଟ ନମ୍ବର | ପ୍ରସ୍ତାବିତ ରକବା | କିସମ | ମନ୍ତବ୍ୟ |
|---|---|---|---|---|---|
| ଜଙ୍ଗଲା | ୪୪୧ (ଅ.ଯୋ. ଅ.) | ୧୦୪୮ ରୁ | ୦.୪୦ | ବାହାଲ ସାଧାରଣ | ବେଆଇନ ଦଖଲ: ପଣ୍ଡୁ ଓରାମ, ପିତା: ରଘୁ ଓରାମ ଜାତି:, ଓରାମ ବାସସ୍ଥାନ:ନିଜଗାଁ, ପଡ଼ା-ନୂଆପଡ଼ା |
| ମୋଟ | ୧ ଖାତା | ୧ ପ୍ଲଟ | ୦.୪୦ | | |

ତହସିଲଦାର,ରେଙ୍ଗାଲି
ତହସିଲଦାର
ରେଙ୍ଗାଲି,ସମ୍ବଲପୁର

ଜ୍ଞାପକ ସଂଖ୍ୟା.......୬୨୩....... ତା: ....୦୮ . ୦୪ . ୨୦୨୫....

ଏହାର ଏକ କିତା ନକଲ ସଂପୃକ୍ତ ଗ୍ରାମର ମଧ୍ୟସ୍ଥଳିରେ ଜାରିକରିବା ପାଇଁ ଓ ରାଜସ୍ୱ ନିରୀକ୍ଷକ ବୋମାଲୋଏ ଙ୍କ କାର୍ଯ୍ୟାଳୟ / ଗ୍ରାମ ପଞ୍ଚାୟତ ଜଙ୍ଗଲା ଏବଂ ତହସିଲ କାର୍ଯ୍ୟାଳୟର ନୋଟିସ ବୋର୍ଡରେ ବହୁଳ ପ୍ରସାର ନିମନ୍ତେ ପ୍ରେରଣ କରାଗଲା ।

ଏହାର ଏକକିତା ନକଲ ଜିଲ୍ଲା ଇ-ଗଭର୍ଣ୍ଣନ୍ସ ପରିଚାଳକ, ସମ୍ବଲପୁରଙ୍କ ଅବଗତି ତଥା ବିହିତ କାର୍ଯ୍ୟାନୁଷ୍ଠାନ ଏବଂ ଏହାର ବହୁଳ ପ୍ରସାର ନିମନ୍ତେ ପ୍ରେରଣା କରାଗଲା । ଉପରୋକ୍ତ ସର୍ବସାଧାରଣ ଇସ୍ତାହାରକୁ ସମ୍ବଲପୁର ଜିଲ୍ଲା ୱେବସାଇଟରେ ପ୍ରକାଶନ କରିବା ନିମନ୍ତେ ଅନୁରୋଧ ।

ତହସିଲ୍ଦାର,ରେଙ୍ଗାଲି
ତହସିଲଦାର
ରେଙ୍ଗାଲି,ସମ୍ବଲପୁର